ଗ୍ରାମୀଣ କୃଷି ମୌସୁମୀ ସେବା
ଭାରତୀୟ ପାଣିପାଗ ବିଭାଗ
ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ
ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

ତାରିଖ : 02-01-2024

ବଲାଙ୍ଗୀର(ଓଡିଶା) - :2024-01-02 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)

| ପାଣିପାଗ କାରକ | 2024-01-03 | 2024-01-04 | 2024-01-05 | 2024-01-06 | 2024-01-07 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 27.0 | 27.0 | 27.0 | 26.0 | 26.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 15.0 | 15.0 | 16.0 | 16.0 | 15.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 62 | 61 | 60 | 59 | 70 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 28 | 25 | 29 | 27 | 25 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 5 | 5 | 6 | 5 | 5 |
| ପବନର ଦିଗ (ଡିଗ୍ରୀ) | 150 | 202 | 158 | 112 | 90 |
| ମେଘାଛନ (ଅକ୍ଟା) | 0 | 0 | 0 | 0 | 1 |

## ପାଣିପାଗ ସାରାଂଶ/ସତର୍କ:

ଭାରତ ପାଣିପାଗ ବିଭାଗ ଅନୁସାରେ ଆଗକୁ ୫ ଦିନ ପାଗ ଶୁଷ୍କ ସମ୍ଭାବନା। ସର୍ବାଧିକ ଓ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୨୬-୨୭ ଡିଗ୍ରୀ ସେଲସିୟସ ୧୫-୧୬ ଡିଗ୍ରୀ ସେଲସିୟସ ସମ୍ଭାବନା। ସର୍ବାଧିକ ଓ ସର୍ବନିମ୍ନ ଅଦ୍ରତା ୫୯-୭୦ % ଏବଂ ୨୫-୨୯ % ସମ୍ଭାବନା। ଆସନ୍ତା ପାଞ୍ଚ ଦିନ ପର୍ଯ୍ୟନ୍ତ ପବନର ବେଗ ୫ ରୁ ୬ କିଲୋମିଟର ପ୍ରତି ଘଣ୍ଟା ମଧରେ ରହିବ। ସମ୍ଭାବନା । ଆଗକୁ ୫ ଦିନ ଆକାଶ ମୁଖ୍ୟତ ନିର୍ମଳ ସମ୍ଭାବନା।

## ସାଧାରଣ ଉପଦେଶ:

• ତଳିଘରା କୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ ତଳି ଘେର ଉପରେ ଶୁଖିଲା ଗୋବର ଖତ ଗୁଣ୍ଡ ର ଏକ ପତଳା ଆସ୍ତରଣ ପକାନ୍ତୁ। • ତଳିଘରା କୁ ରାତ୍ରି ସମୟ ରେ ପଲିଥିନ ସାହାର୍ଯ୍ୟ ରେ ଘୋଡାଇ ରଖନ୍ତୁ । • ବର୍ତମାନ ଲଗାଇ ଥିବା କୋବି ଫସଲ କୁ ରାତିର କମ୍ ତାପମାତ୍ରାରୁ ରକ୍ଷା ପାଇବା ପାଇଁ ରାତିରେ ତଳିକୁ ଠୁଙ୍ଗାରେ ଘୋଡାଇ ଦିଅନ୍ତୁ। • ଶୀତ ଦିନିଆ ପନିପରିବା କୋବି, ବାଇଗଣ, ଟମାଟୋ ଓ ଲଙ୍କା ଫସଲରେ ପତ୍ରଖିଆ ଓ ଫଳବିନ୍ଧା ପୋକର ଦମନ ପାଇଁ ୧ ଲିଟର ପାଣିରେ ପ୍ରତି ୦.୫ ଗ୍ରାମ Emamectin benzoate କିମ୍ବା ୦.୪ ଗ୍ରାମ Spinosad ପ୍ରୟୋଗ କରନ୍ତୁ ।

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

ନିୟମିତ ଫସଲ ପର୍ଯ୍ୟବେକ୍ଷଣ କରନ୍ତୁ ଓ ରୋଗ ପୋକ ପ୍ରତି ଧ୍ୟାନ ଦିଅନ୍ତୁ ।

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଧାନ | ବେଙ୍ଗଳା କରି ସାରିବା ପରେ ଧାନକୁ ଖରା ରେ ଶୁଖାଇ ଦିଅନ୍ତୁ । ଯାହାଦ୍ଵାରା ଅଦ୍ରତା ର ପରିମାଣ ୧୨% କୁ ଆସିଯିବ । ଦାନ୍ତ ରେ ଚୋବାଇଲେ କଡ କରି ଶବ୍ଦ ହେବ ଜାଣିବେ ଯେ ଧାନ ସୁଖି ଯାଇଛି । ଅମଳ ହୋଇଥିବା ଧାନ କିସମ ଅନୁସାରେ ଅଲଗା ଅଲଗା କରି ବଜାରରେ ମିଳୁଥିବା ସୁପରଗ୍ରେନ ବସ୍ତା ରେ ଭର୍ତି କରି ସୁରକ୍ଷିତ ସ୍ଥାନ ଭଲ ଭାବରେ ଘୋଡାଇ ରଖନ୍ତୁ ଯେପରିକି ଅଦିନିଆ ବର୍ଷା ଦ୍ଵାରା କିଛି କ୍ଷତି ନ ହୁଏ । |
| ସୋରିଷ | ବର୍ତମାନ ର ସୋରିଷ ରେ ଜଉପୋକ ଲାଗିବାର ସମ୍ଭାବନା ଅଛି,ତେଣୁ ଏହାର ପ୍ରତିକାର ପାଇଁ ଜମିରେ ଏକର ପିଛା ୮ ଟି ହଳଦଆି ଅଠା ଯନ୍ତା ଲଗାନ୍ତୁ। ପରବର୍ତୀ ସମୟରେ ଏକର ପିଛା Thiomethoxam ୨୫% WG @୪୦ ଗ୍ରାମ କିମ୍ବା Acetamiprid ୨୦%SP @ ୫୦ ଗ୍ରାମ କୁ୨୦୦ ଲି ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ବର୍ତମାନ ପାଗରେ କରତିଆ ମାଛିର ପ୍ରାଦୁର୍ଭାବ କୁ କମାଇବା ପାଇଁ Ethofenprox ୧୦% EC@ ୨୦୦ ମି.ଲି /ଏକର କିମ୍ବା Chlorpyriphos ୫୦ % @ ୪୦୦ ମି.ଲି /ଏକର କୁ୨୦୦ ଲି.ପାଣିରେମିଶାଇ ପ୍ରୟୋଗ କରନ୍ତୁ। |

## ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଉଦ୍ୟାନକୃଷି | ଉଦ୍ୟାନକୃଷି ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଟମାଟର | ଟମାଟୋ ରେ ଧଳା ମାଛିକୁ ଆକୃଷ୍ଟ କରିବା ପାଇଁ ଏକର ପ୍ରତି ୮ ରୁ ୧୦ ଟି ହଳଦିଆ ଅଠା ଯନ୍ତା ବ୍ୟବହାର କରନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୬୦୦-ମିଲି ନିମ୍ବ ଆଧାରିତ କୀଟନାଶକ ୧୫୦୦ PPM Azadirachtin କୁ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଟମାଟୋ ଫସଲରେ ଧଳାମାଛିର ପରିଚାଳନା ପାଇ ଏକର ପ୍ରତି ୪୦-ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୨୦୦-ମିଲି Pyriproxifen ନାମକ କୀଟନାଶକ କିମ୍ବା ୨୫୦-ମିଲି Spiromesifen ନାମକ କୀଟନାଶକ ୨୦୦-ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ଫୁଲକୋବି | କୋବି ଫସଲରେ ଠିକିରିପିଠିଆ ପୋକ ର ପରିଚାଳନା ପାଇଁ ଏକର ପ୍ରତି ୬ -୮ ଟି ଆଲୋକ ଯନ୍ତା ଲଗାନ୍ତୁ । ପ୍ରାଥମିକ ଅବସ୍ଥାରେ ଏହି ପୋକର ପରିଚାଳନା ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ କୀଟନାଶକ ୩୦୦ PPM Azadirachtin କୁ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ରାସାୟନିକ ଉପାୟରେ ଏହି କୀଟ ର ପରିଚାଳନା ପାଇଁ ଏକର ପ୍ରତି ୪୦୦ ମିଲି Tolfenpyrad ନାମକ କୀଟନାଶକ କିମ୍ବା ୨୦ ଗ୍ରାମ Flubendiamide ନାମକ କୀଟନାଶକ କିମ୍ବା ୮୦ ଗ୍ରାମ Emamectin Benzoate ୫% SG ୨୦୦ ଲିଟର ପାଣିରେ ମିଶାଇ ସିଂ ଚନ କରନ୍ତୁ। |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଛେଳି | ଶୀତ ଦିନେ ସକାଳ ର କାକର ଭିଜା ଘାସ ଖାଇବା ଦ୍ଵାରା , ଛେଳି ଛୁଆ ଶରୀର କୁ ବହୁତ ମାତ୍ରା ରେ ପରଜୀବୀ ପ୍ରବେଶ କରନ୍ତି । ଏହାର ପ୍ରଭାବ ରେ ଛେଳି ଛୁଆ ଭୟଙ୍କର ପେଟ ଯନ୍ତ୍ରଣା ରେ ପଡି ମୃତ୍ରୁ ବରଣ କରେ । ତେଣୁ ଶୀତ ଦିନେ ଛେଳି ଛୁଆ ମାନଙ୍କୁ ବିଳମ୍ବ ରେ ଚରିବାକୁ ଛାଡନ୍ତୁ । |